**REGIONAL NEWS UNIT, AIR CUTTACK**

**Morning Bulletin (7.05 AM)**

**25 June – 2025**

## ସମ୍ବିଧାନ ହତ୍ୟା ଦିବସ

ଭାରତରେ ଜରୁରିକାଳୀନ ପରିସ୍ଥିତି ଲାଗୁ ହେବାର ୫୦ ବର୍ଷ ପୂର୍ତ୍ତିକୁ ଆଜି ସମ୍ବିଧାନ ହତ୍ୟା ଦିବସ ଭାବେ ପାଳନ କରାଯାଉଛି । ୧୯୭୫ ମସିହା ଜୁନ୍ ମାସ ୨୫ ତାରିଖରେ ଭାରତୀୟ ସମ୍ବିଧାନ ପ୍ରତି ଅମର୍ଯ୍ୟାଦା ପ୍ରଦର୍ଶନପୂର୍ବକ ତତ୍କାଳୀନ ସରକାର ଦେଶରେ ଜରୁରିକାଳୀନ ପରିସ୍ଥିତି ଲାଗୁ କରିଥିଲେ। ଦେଶର ଗଣତାନ୍ତ୍ରିକ ଇତିହାସର ମର୍ଯ୍ୟାଦା କ୍ଷୁର୍ଣ୍ଣ କରିଥିବା ସେହି ଦିନକୁ ମନେ ପକାଇ ଆଜି ଦେଶର କୋଣ-ଅନୁକୋଣରେ ସମ୍ବିଧାନ ହତ୍ୟା ଦିବସ ପାଳନ କରାଯାଉଛି । ଭୁବନେଶ୍ୱରସ୍ଥିତ ପୂର୍ବତଟ ରେଳପଥ ପ୍ରେକ୍ଷାଳୟରେ ଆଜି ଅପରାହ୍ନରେ ଅନୁଷ୍ଠିତ ହେବାକୁ ଥିବା ରାଜ୍ୟସ୍ତରୀୟ ସମ୍ବିଧାନ ହତ୍ୟା ଦିବସ ପାଳନ କାର୍ଯ୍ୟକ୍ରମରେ  ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଯୋଗ ଦେବେ ବୋଲି ଆମ ସମ୍ବାଦଦାତା ଜଣାଇଛନ୍ତି ।

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଏହି ଦିନକୁ ଭାରତ ଇତିହାସର କଳାଦିବସ ଭାବେ ଅଭିହିତ କରିଛନ୍ତି :

**V/O**

## ସଚିବସ୍ତରୀୟ ବୈଠକ

ମୁଖ୍ୟ ଶାସନ ସଚିବ ମନୋଜ ଆହୁଜାଙ୍କ ଅଧ୍ୟକ୍ଷତାରେ ଭୁବନେଶ୍ୱର ଲୋକସେବା ଭବନରେ ସଚିବସ୍ତରୀୟ ବୈଠକ ଅନୁଷ୍ଠିତ ହୋଇଛି । ଏଥିରେ ଜନକୈନ୍ଦ୍ରିକ ଶାସନ ପରିଚାଳନା ପାଇଁ ବୈଷୟିକ ଜ୍ଞାନକୌଶଳର ବ୍ୟାପକ ବ୍ୟବହାର ଉପରେ ଶ୍ରୀ ଆହୁଜା ଗୁରୁତ୍ୱ ପ୍ରଦାନ କରିଛନ୍ତି । ବିଭିନ୍ନ ସରକାରୀ ସେବା ପ୍ରଦାନର ଗୁଣବତ୍ତାକୁ ଆହୁରି ଉନ୍ନତ କରିବା ଲକ୍ଷ୍ୟରେ ହିତାଧିକାରୀଙ୍କଠାରୁ ମତାମତ ଗ୍ରହଣ ପାଇଁ ଆଗାମୀ ଦିନରେ  ଆମ ଶାସନ ବ୍ୟବସ୍ଥା କାର୍ଯ୍ୟକାରୀ କରିବା ପାଇଁ ବୈଠକରେ ନିଷ୍ପତ୍ତି ହୋଇଥିବା ଆମ ସମ୍ବାଦଦାତା ଜଣାଇଛନ୍ତି ।

---

## ରାଜ୍ୟପାଳ-ମୁଖ୍ୟମନ୍ତ୍ରୀ

ରାଜ୍ୟପାଳ ଡକ୍ଟର ହରିବାବୁ କମ୍ଭମପାଟି’ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ସହ ରାଜ୍ୟ ସରକାରଙ୍କ ଏକବର୍ଷର ଉପଲବ୍ଧି ଓ ଅନ୍ୟାନ୍ୟ ବିକାଶମୂଳକ କାର୍ଯ୍ୟକ୍ରମ ସଂପର୍କରେ ଆଲୋଚନା କରିଛନ୍ତି । ରାଜ୍ୟପାଳ କହିଛନ୍ତି, ରାଜ୍ୟରେ ଗତ ଏକବର୍ଷ ମଧ୍ୟରେ ଅନେକ ଲୋକାଭିମୁଖୀ ଯୋଜନା ସଫଳତାର ସହ କାର୍ଯ୍ୟକାରୀ ହୋଇଛି । ଏହି ଅବସରରେ ମୁଖ୍ୟମନ୍ତ୍ରୀ’ ରାଜ୍ୟପାଳଙ୍କୁ ଓଡ଼ିଶା ଭିଜନ-୨୦୩୬ ଓ ୨୦୪୭ ପୁସ୍ତକ ପ୍ରଦାନ କରିଥିଲେ ।

---

# ନିର୍ବାଚନ ଆୟୋଗ

ଆଗାମୀ ସାଧାରଣ ନିର୍ବାଚନରେ ସମସ୍ତ ବୁଥ୍‌ରେ ୱେବ୍‌କାଷ୍ଟିଂ କରାଯିବ ବୋଲି ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀ ଆର୍. ସନ୍ତୁଗୋପାଳନ୍ କହିଛନ୍ତି । ଭୁବନେଶ୍ୱରରେ ଆୟୋଜିତ ଏକ  ଆଲୋଚନାଚକ୍ରରେ ଭାଗ ନେଇ ଶ୍ରୀ ସନ୍ତୁଗୋପାଳନ କହିଛନ୍ତି, ନିର୍ବାଚନ ପ୍ରକ୍ରିୟାରେ ଅଧିକ ସ୍ୱଚ୍ଛତା ଆଣିବା ପାଇଁ ଏହିଭଳି ନିଷ୍ପତ୍ତି ନିଆଯାଇଛି ।  ପୂର୍ବରୁ କେବଳ ସମ୍ବେଦନଶୀଳ ବୁଥ୍ ଗୁଡ଼ିକରେ ୱେବ୍‌କାଷ୍ଟିଂ କରାଯାଉଥିଲା । ସେହିଭଳି ୧୫୦୦ ମତଦାତାଙ୍କୁ ନେଇ ଗୋଟିଏ ଲେଖାଏଁ ବୁଥ୍ ହେଉଥିଲା । ଆଗାମୀ ନିର୍ବାଚନରେ ୧୨୦୦ ଭୋଟରଙ୍କୁ ନେଇ ଗୋଟିଏ ବୁଥ୍ କରାଯିବ । ମତଦାନକୁ ଶୀଘ୍ର ଶେଷ କରିବା ପାଇଁ ନିର୍ବାଚନ ଆୟୋଗଙ୍କ ପକ୍ଷରୁ ଏହିଭଳି ପଦକ୍ଷେପ ନିଆଯାଇଛି ବୋଲି ଶ୍ରୀ ସନ୍ତୁଗୋପାଳନ କହିଛନ୍ତି ।

# ଏସ୍‌ଆଇଟି ତଦନ୍ତ

ସୁନ୍ଦରଗଡ଼ ଜିଲ୍ଲାରେ ଖଣି ଲୁଟ୍ ଘଟଣାର ଏସ୍‌ଆଇଟି ତଦନ୍ତ  ହୋଇଛି । କଟକ ଭିଜିଲାନ୍ସ ଏସ୍.ପି. ଏମ୍ ରାଧାକ୍ରିଷ୍ଣନଙ୍କ ନେତୃତ୍ୱରେ ୧୦ଜଣିଆ ଦଳ ଘଟଣାସ୍ଥଳ ପରିଦର୍ଶନ କରି ଯାଞ୍ଚ ଆରମ୍ଭ କରିଛନ୍ତି । ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଏହି ଘଟଣାରେ ଭିଜିଲାନ୍ସର ଏସ୍‌ଆଇଟି ତଦନ୍ତ ନିର୍ଦ୍ଦେଶ ଦେଇଥିଲେ ।

# ଗୃହ କମିଟି

ଓଡ଼ିଶା ବିଧାନସଭା ଗୃହକମିଟି ସୁବର୍ଣ୍ଣପୁର ଜିଲ୍ଲାରେ ବିଭିନ୍ନ ଉନ୍ନୟନ ମୂଳକ ପ୍ରକଳ୍ପର ସ୍ଥିତି ଅନୁଧ୍ୟାନ କରିଛନ୍ତି । ବିଧାୟକ ଲକ୍ଷ୍ମଣ ବାଗଙ୍କ ନେତୃତ୍ୱରେ ୯ ଜଣିଆ ଦଳ ଜିଲ୍ଲାରେ ଧାନମଣ୍ଡି, ଅଙ୍ଗନବାଡ଼ି କେନ୍ଦ୍ର, ଖାଦ୍ୟବଣ୍ଟନ ବ୍ୟବସ୍ଥା ଆଦିର ସମୀକ୍ଷା କରିବା ସହ ବିଭିନ୍ନ ଉନ୍ନୟନମୂଳକ ପ୍ରକଳ୍ପ କ୍ଷେତ୍ର ପରିଦର୍ଶନ କରିଥିଲେ । ଏହି ଅବସରରେ ଜିଲ୍ଲା ପ୍ରଶାସନର ବରିଷ୍ଠ ଅଧିକାରୀଙ୍କ ସହ ଆୟୋଜିତ ସମୀକ୍ଷା ବୈଠକରେ ନିର୍ମାଣାଧୀନ ପ୍ରକଳ୍ପ ଗୁଡ଼ିକର କାର୍ଯ୍ୟ ନିର୍ଦ୍ଧାରିତ ସମୟରେ ଶେଷ କରିବାକୁ ଗୃହ କମିଟି ନିର୍ଦ୍ଦେଶ ଦେଇଥିବା ଆମ ସମ୍ବାଦଦାତା ଜଣାଇଛନ୍ତି ।

# ସଚେତନ ରଥ

କେନ୍ଦୁଝର ଜିଲ୍ଲାରେ ଓଡ଼ିଶା ରାଜ୍ୟ ବିପର୍ଯ୍ୟୟ ପରିଚାଳନା କର୍ତ୍ତୃପକ୍ଷ ଓ ଜିଲ୍ଲା ପ୍ରଶାସନର ସହାୟତାରେ ବଜ୍ରପାତରୁ ସୁରକ୍ଷା ଏବଂ ସଚେତନତା ସୃଷ୍ଟି ପାଇଁ ଏକ ପ୍ରଚାର ରଥର ଶୁଭାରମ୍ଭ ହୋଇଛି । ଏହି ରଥ ଜିଲ୍ଲାର ବିଭିନ୍ନ ସ୍ଥାନରେ ବୁଲି ଲୋକଙ୍କୁ ସମ୍ଭାବ୍ୟ ପ୍ରାକୃତିକ ବିପର୍ଯ୍ୟୟ ତଥା ବିଜୁଳି ଘଡ଼ଘଡ଼ି ସମୟରେ ନିଜକୁ ସୁରକ୍ଷିତ ରଖିବା ସଂପର୍କରେ ଲୋକଙ୍କୁ ସଚେତନ କରାଉଛି ।

## ବନକଲାଗି

ଆଷାଢ଼ କୃଷ୍ଣପକ୍ଷ ଚତୁର୍ଦ୍ଦଶୀ ତିଥିରେ ଗତକାଲି ପୁରୀ ଶ୍ରୀମନ୍ଦିରରେ ଶ୍ରୀବିଗ୍ରହମାନଙ୍କର ବନକଲାଗି ନୀତି ଅନୁଷ୍ଠିତ ହୋଇଯାଇଛି । ଦତ୍ତ ମହାପାତ୍ର ସେବକମାନେ ଏହି ନୀତିରେ ଠାକୁରମାନଙ୍କ ଶ୍ରୀମୁଖ ଶ୍ରୀଙ୍ଗାର କରିଥିଲେ । ସେହିଭଳି ଗତକାଲି ଶ୍ରୀନଅରକୁ ଖଡ଼ିପ୍ରସାଦ ବିଜେ ନୀତି ସଂପନ୍ନ ହୋଇଛି । ଶ୍ରୀମନ୍ଦିରରେ ଭୋଗମଣ୍ଡପ ସମ୍ପନ୍ନ ହେବା ପରେ ଦତ୍ତମହାପାତ୍ର, ସେବାୟତଙ୍କ ଘରୁ ଖଡ଼ିପ୍ରସାଦ ଶ୍ରୀମନ୍ଦିରକୁ ବିଜେ କରାଯାଇଥିଲା ।

## ଖେଳ

ଭୁବନେଶ୍ୱର କଳିଙ୍ଗ ଷ୍ଟାଡିୟମ ପରିସରରେ ଚାଲିଥିବା ୭୮ତମ ଜାତୀୟ ସିନିୟର ଆକ୍ୱାଟିକ୍ ଚାମ୍ପିୟାନ୍‌ସିପ୍‌ରେ ଗତକାଲି ଓଡ଼ିଶା ୨ଟି ପଦକ ବିଜୟୀ ହୋଇଛି । ମହିଳା ୨୦୦ ମିଟର ବଟରଫ୍ଲାଏ ଇଭେଣ୍ଟରେ ସୃଷ୍ଟି ଉପାଧ୍ୟାୟ ବ୍ରୋଞ୍ଜ ପଦକ ଜିତିଥିବା ବେଳେ ମହିଳା ଫୋର୍ ଇଣ୍ଟୁ ହଣ୍ଡ୍ରେଡ୍ ମିଡ୍‌ଲେ ରିଲେରେ ଓଡ଼ିଶା ଦଳ ରୌପ୍ୟ ପଦକ ହାସଲ କରିଛି ।

## ପାଣିପାଗ

ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ଲାଗିରହିଛି । ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ ଆଜି କେନ୍ଦୁଝର,

ମୟୂରଭଞ୍ଜ ଓ ବାଲେଶ୍ୱର ଜିଲ୍ଲାର କେତେକ ସ୍ଥାନରେ ଅତି ପ୍ରବଳ ବର୍ଷା ହେବାର ସମ୍ଭାବନା ରହିଛି । ସେହିଭଳି କଟକ, ଖୋର୍ଦ୍ଧା ସମେତ ୧୬ଟି ଜିଲ୍ଲାରେ ବିଜୁଳି ଘଡ଼ଘଡ଼ି ସହ ପ୍ରବଳ ବର୍ଷା ହେବାର ସମ୍ଭାବନା ଥିବାରୁ ସତର୍କ ସୂଚନା ଜାରି କରାଯାଇଛି ।